ଓଡିଶା ସରକାର

କେନ୍ଦୁଝର ଜିଲ୍ଲାପାଳ ଙ୍କ କାର୍ଯ୍ୟାଳୟ

**********

# ଅଧିସୂଚନା

No. - 1017 Dated: 31. 08. 2023

ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ କେନ୍ଦୁଝର ଜିଲ୍ଲାର ଦେଓ ମଧ୍ୟମ ଜଳସେଚନ ପ୍ରକଳ୍ପର ପିଙ୍ଗୁପାଟଣା ମାଇନର କେନାଲ ନିର୍ମାଣ ନିମନ୍ତେ ସରକାର (Appropriate Government) ସରକାରୀ ବ୍ୟୟରେ ମୌଜା-ଗୋରାଣ୍ଡିଯୋଡି,ଥାନା-ପାଟଣା,ନଂ-୨୦୧ ତହସିଲ- ସାହାରପଡା, ଜିଲ୍ଲା-କେନ୍ଦୁଝର ରେ ନିମ୍ନ ତଫସିଲ ମତେ ପ୍ରାୟ ଏ.୦.୪୬ ଡେସି. ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ତେଣୁ ନ୍ୟାୟୋଚିତ, କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR&R Act, 2013) ର ୧୧(୧) ଧାରା ରେ ଭାରପ୍ରାପ୍ତ ହୋଇ ସରକାର (Appropriate Government) ଏତଦ୍ୱାରା ନିମ୍ନ ଅନୁସୂଚୀରେ ପ୍ରଦତ୍ତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରାଯାଉଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ୧୧(୧) ଧାରା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଯଦି ସଂପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ / ଜମି ମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚୀତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ ଦିନ ମଧ୍ୟରେ ସଂପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

## ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ

୧ – ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ - ଦେଓ ମଧ୍ୟମ ଜଳସେଚନ ପ୍ରକଳ୍ପର ପିଙ୍ଗୁପାଟଣା ମାଇନର କେନାଲ ନିର୍ମାଣ ନିମନ୍ତେ ।

୨ – ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ - ନିର୍ବାହୀ ଯନ୍ତ୍ରୀ, ଦେଓ କେନାଲ ଡିଭିଜନ, କରଞ୍ଜିଆ ।

୩– କ୍ଷତିଗ୍ରସ୍ତ ଲୋକଙ୍କ, ବିସ୍ଥାପନ ଆବଶ୍ୟକତାର କାରଣ- ସାର୍ବଜନୀନ ଉଦ୍ଦେଶ୍ୟରେ ଦେଓ ମଧ୍ୟମ ଜଳସେଚନ ପ୍ରକଳ୍ପ ନିର୍ମାଣ ନିମନ୍ତେ କାର୍ଯ୍ୟକାରି କରିବା ।

୪ – ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ ................ ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

୫ – ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସନଙ୍କ ବିବରଣୀ-ସ୍ୱତନ୍ତ୍ର ଭୂ-ଅର୍ଜନ ପୁନଃ ବସତି ଓ ଥଇଥାନ ଅଧିକାରୀ, ମୟୁରଭଞ୍ଜ, କରଞ୍ଜିଆ

୬ – ଜମିର ବିବରଣୀ --

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଚଂଳ / ସହରାଚଂଳ | ଖାତା ନଂ | ପ୍ଲଟ ନଂ | ପ୍ଲଟର ମୋଟ ରକବା | ଅଧିସୂଚୀତ ଜମିର ରକବା | ରୟତର ନାମ |
|---|---|---|---|---|---|---|---|---|
| କେନ୍ଦୁଝର | ସାହାରପଡା | ଗୋରାଣ୍ଡିଯୋଡି | ଗ୍ରାମାଚଂଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏ.୨.୭୧ | ଏ୦.୪୬ | ଏଥି ସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ସ୍ୱତନ୍ତ୍ର ଭୂ-ଅର୍ଜନ ପୁନଃ ବସତି ଓ ଥଇଥାନ ଅଧିକାରୀ, ମୟୁରଭଞ୍ଜ, କରଞ୍ଜିଆଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି କେନ୍ଦୁଝର ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ରାଜ୍ୟପାଳ ଙ୍କ ଆଦେଶକ୍ରମେ

ଜିଲ୍ଲାପାଳ, କେନ୍ଦୁଝର